# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**28 May – 2025**

# କୋଭିଡ୍ ବୈଠକ

ଦେଶରେ କୋଭିଡ୍ ସ୍ଥିତିକୁ ନେଇ କେନ୍ଦ୍ର ସ୍ୱାସ୍ଥ୍ୟ ସଚିବଙ୍କ ଅଧ୍ୟକ୍ଷତାରେ ଆଜି ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ହେବ। ବୈଠକରେ  ସବୁ ରାଜ୍ୟର ସ୍ୱାସ୍ଥ୍ୟ ସଚିବମାନେ  ଆଭାସୀ ମାଧ୍ୟମରେ ଆଲୋଚନାରେ ଭାଗ ନେବେ ବୋଲି ଜନସ୍ୱାସ୍ଥ୍ୟ ନିର୍ଦ୍ଦେଶକ ନୀଳକଣ୍ଠ ମିଶ୍ର କହିଛନ୍ତି।  ସୂଚନା ଅନୁସାରେ ଦେଶରେ ବର୍ତ୍ତମାନ ଏକହଜାରରୁ ଊର୍ଦ୍ଧ୍ୱ କୋଭିଡ ଆକ୍ରାନ୍ତ ଚିହ୍ନଟ ହୋଇଛନ୍ତି ।

# କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଆଜି ରାଜ୍ୟ କ୍ୟାବିନେଟ୍‌ର ଗୁରୁତ୍ୱପୂର୍ଣ୍ଣ ବୈଠକ ବସିବ। ବୈଠକରେ ଅନେକ ପ୍ରସ୍ତାବ ଉପରେ ଆଲୋଚନା ସହ ଅନୁମୋଦନ ହେବାର ସମ୍ଭାବନା ରହିଛି ବୋଲି ଆମ ସମ୍ବାଦଦାତା ଜଣାଇଛନ୍ତି।

# ସୁପ୍ରିମକୋର୍ଟ

ସୁପ୍ରିମକୋର୍ଟ କଲେଜିୟମ ଦେଶର ବିଭିନ୍ନ ହାଇକୋର୍ଟର ୨୧ଜଣ ବିଚାରପତିଙ୍କ ବଦଳି ସୁପାରିସ୍ କରିଛନ୍ତି । ଏଥିରେ ଗୌହାଟି ହାଇକୋର୍ଟର ବିଚାରପତି ମାନସ ରଞ୍ଜନ ପାଠକଙ୍କୁ ଓଡିଶା ହାଇକୋର୍ଟର ବିଚାରପତିଭାବେ ବଦଳି ପାଇଁ ସୁପାରିସ୍ କରାଯାଇଛି ।

# ଉପମୁଖ୍ୟମନ୍ତ୍ରୀ-ନିମାପଡା

ଉପମୁଖ୍ୟ ମନ୍ତ୍ରୀ ପ୍ରଭାତୀ ପରିଡା ପୁରୀ ଜିଲ୍ଲା ନିମାପଡାରେ ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପର ଭିତ୍ତିପସ୍ତର ସ୍ଥାପନ ଓ ଶୁଭାରମ୍ଭ କରିଛନ୍ତି । ଏହି ଅବସରରେ ଉପମୁଖ୍ୟମନ୍ତ୍ରୀ ରାଣୀ ଅହଲ୍ୟାବାଈ ହୋଲକରଙ୍କ ତିନିଶହତମ ଜୟନ୍ତୀ ଉପଲକ୍ଷେ ଆୟୋଜିତ କର୍ମଶାଳାରେ ଯୋଗଦେଇଥିଲେ । ଏହା ସହ ବିଭିନ୍ନ ସରକାରୀ ପ୍ରାଥମିକ ବିଦ୍ୟାଳୟର ଅତିରିକ୍ତ ଶ୍ରେଣୀଗୃହ ନିମନ୍ତେ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ ।

# ସଚିବ ସ୍ତରୀୟ ବୈଠକ

ମୁଖ୍ୟ ଶାସନ ସଚିବ ମନୋଜ ଆହୂଜାଙ୍କ ଅଧ୍ୟକ୍ଷତାରେ  ଭୁବନେଶ୍ୱର ଖାରବେଳ ଭବନଠାରେ ସଚିବ ସ୍ତରୀୟ ବୈଠକ  ଅନୁଷ୍ଠିତ ହୋଇଛି । ବୈଠକରେ  ଶ୍ରୀ ଆହୂଜା ପ୍ରତିମାସରେ ବିଭାଗ ସ୍ତରରେ କାର୍ଯ୍ୟଗୁଡିକର ଅଗ୍ରଗତି ଓ ଖର୍ଚ୍ଚ ସମୀକ୍ଷା କରିବାକୁ ବିଭାଗୀୟ ସଚିବମାନଙ୍କୁ ପରାମର୍ଶ ଦେଇଛନ୍ତି । ଏହା ସହ ନୂତନ ସରକାରଙ୍କର ଏକବର୍ଷ ପୂର୍ତ୍ତି ଉପଲକ୍ଷେ ଆସନ୍ତା ମାସ ୧୨ତାରିଖରୁ ଆରମ୍ଭ ହେବାକୁ ଥିବା ରାଜ୍ୟସ୍ତରୀୟ ଓ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ ଆୟୋଜନ ପାଇଁ ଚୂଡାନ୍ତ ରୂପରେଖ ପ୍ରସ୍ତୁତି ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା ।

# ଜଳସମ୍ପଦ ବିଭାଗର ସମୀକ୍ଷା

ଉନ୍ନୟନ କମିଶନ ତଥା ଜଳସମ୍ପଦ ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ଜଳ ସମ୍ପଦ ବିଭାଗର ବିଭିନ୍ନ ଶାଖାର ବରିଷ୍ଠ ଅଧିକାରୀ ଓ ଯନ୍ତ୍ରୀମାନଙ୍କ ସହିତ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ପ୍ରକଳ୍ପର ଅଗ୍ରଗତି ସମ୍ପର୍କରେ ଆଲୋଚନା କରିଛନ୍ତି । ବୈଠକରେ ଶ୍ରୀମତୀ ଗର୍ଗ ନିର୍ମାଣଧୀନ ପ୍ରକଳ୍ପକୁ ତ୍ୱରାନ୍ୱିତ କରିବା ଏବଂ ଧାର୍ଯ୍ୟ ଲକ୍ଷ୍ୟ ଅନୁସାରେ କାର୍ଯ୍ୟ ଶେଷ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି ।

# ଆୟକର ରିଟର୍ଣ୍ଣ

ଆୟକର ବିଭାଗ ପକ୍ଷରୁ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ଆୟକର ରିଟର୍ଣ୍ଣ ଦାଖଲ ସମୟସୀମାକୁ ଆସନ୍ତା ସେପ୍ଟେମ୍ବର ୧୫ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । କେନ୍ଦ୍ରୀୟ ପ୍ରତ୍ୟକ୍ଷ ଟିକସ ବୋର୍ଡ ପକ୍ଷରୁ ଦିଆଯାଇଥିବା ସୂଚନା ଅନୁସାରେ ଆଇ.ଟି.ଆର. ଫର୍ମରେ ବଡ ପରିବର୍ତ୍ତନ, ଟିଡିଏସ କ୍ରେଡିଟ୍‌ରେ ଅସଙ୍ଗତି ଏବଂ ସିଷ୍ଟମ ଅପ୍‌ଡେଟ୍ ପାଇଁ ଆୟକର ରିଟର୍ଣ୍ଣ ଦାଖଲ ସମୟ ସୀମାକୁ ୩୧ଜୁଲାଇରୁ ୧୫ ସେପ୍ଟେମ୍ବର ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି ।

# ବନକ ଲାଗି ବେଶ

ପୁରୀ ଶ୍ରୀମନ୍ଦିରରେ ଆଜି ଶ୍ରୀଜୀଉମାନଙ୍କର ବନକଲାଗି ନୀତି ଅନୁଷ୍ଠିତ ହେବ । ଏଥିପାଇଁ ସନ୍ଧ୍ୟା ୭ଟାରୁ ରାତି ୧୧ଟା ପର୍ଯ୍ୟନ୍ତ ସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ  କୁହାଯାଇଛି ।

ଅପରପକ୍ଷରେ ପବିତ୍ର ସ୍ନାନପୂର୍ଣ୍ଣିମା ପରଦିନଠାରୁ ଶ୍ରୀବିଗ୍ରହମାନଙ୍କର ଅନବସର ସେବା ଆରମ୍ଭ ହେବ । ଏହି ସମୟରେ ଶ୍ରଦ୍ଧାଳୁମାନେ ବ୍ରହ୍ମଗିରିସ୍ଥିତ ଅଲାରନାଥଙ୍କ ଦର୍ଶନ କରିଥାନ୍ତି । ଚଳିତବର୍ଷ ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନ ପାଇଁ ପୁରୀ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକ ଅଲାରନାଥ ପୀଠ ପରିଦର୍ଶନ କରି ସମୀକ୍ଷା କରିଛନ୍ତି । ଏହି ସମୟରେ ସେବାୟତଙ୍କ ସହ ସମନ୍ୱୟ ରକ୍ଷା କରି କାର୍ଯ୍ୟ କରିବାକୁ ଜିଲ୍ଲାପାଳ ବରିଷ୍ଠ ଅଧିକାରୀ ମାନଙ୍କୁ ପରାମର୍ଶ ଦେଇଛନ୍ତି ।

# ରଥ ନିର୍ମାଣ କାର୍ଯ୍ୟ

ପୁରୀରେ ବିଶ୍ୱ ପ୍ରସିଦ୍ଧ ରଥଯାତ୍ରା ପାଇଁ ତିନିରଥର ମୋଟ ୪୨ଟି ଚକ ନିର୍ମାଣ ଶେଷ ହୋଇଛି । ଏଥିସହ ତିନିରଥ ଚାଳିରେ ଚାରିନାହାକା ଏବଂ ଗରଗରା ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି । କମାରଶାଳରେ ଓଝାସେବକମାନେ ତିନିରଥର ଦଣ୍ଡାକଣ୍ଟା, ଗୟଳକଣ୍ଟା ନିର୍ମାଣ ଜାରି ରଖିଛନ୍ତି ।

# ଶୀତଳ ଷଷ୍ଠୀ

ସମ୍ବଲପୁରରେ ପ୍ରସିଦ୍ଧ ଶୀତଳ ଷଷ୍ଠୀ ଯାତ୍ରାର ଶୁଭାରମ୍ଭ ହୋଇଛି । ନନ୍ଦପଡା ଶ୍ରୀଶ୍ରୀ ବଂମବରାଡ୍ ବାଲୁଙ୍କେଶ୍ୱର ବାବା ଏବଂ ଜଗତଜନନୀ ମା' ପାର୍ବତୀଙ୍କ ପତରପେଣ୍ଡି ବା ନିର୍ବନ୍ଧ ପରମ୍ପରା ଅନୁସାରେ ଗତକାଲି ରାତିରେ ସମ୍ପନ୍ନ ହେବା ପରେ ଶୀତଳଷଷ୍ଠୀ ଯାତ୍ରା ଆରମ୍ଭ ହୋଇଛି । ଆଜି ଦେବ ନିମନ୍ତ୍ରଣ କାର୍ଯ୍ୟକ୍ରମ ହେବ ।

# ସିଏମ୍ ଟ୍ରଫି

ରାଜ୍ୟ କ୍ରୀଡା ଯୁବ ସେବା ବିଭାଗ ପକ୍ଷରୁ ଆଜିଠାରୁ  ସିଏମ୍ ଟ୍ରଫି ଫୁଟବଲ୍ ଟୁର୍ଣ୍ଣାମେଣ୍ଟ ଆରମ୍ଭ ହେଉଛି । କେନ୍ଦୁଝର, ଭୁବନେଶ୍ୱର ସମ୍ବଲପୁର, ଗଞ୍ଜାମ ଚାରୋଟି ଜୋନରେ ଏଥିପାଇଁ ଆନ୍ତଃଜିଲ୍ଲା ଚାମ୍ପିୟନସିପ ଅନୁଷ୍ଠିତ ହେବ । ଏହି ପ୍ରତିଯୋଗିତା ଆସନ୍ତା ୩ତାରିଖ ପର୍ଯ୍ୟନ୍ତ ଚାଲିବ ।

# ବିଜୁ ପଟ୍ଟନାୟକ କ୍ରୀଡା ପୁରସ୍କାର

ବିଜୁ ପଟ୍ଟନାୟକ କ୍ରୀଡା ପୁରସ୍କାର-୨୦୨୪ ପାଇଁ କ୍ରୀଡା କ୍ଷେତ୍ରରେ ଉଲ୍ଲେଖନୀୟ ପ୍ରଦର୍ଶନ କରିଥିବା ବ୍ୟକ୍ତିବିଶେଷ ବା ଅନୁଷ୍ଠାନ ମାନଙ୍କଠାରୁ ମନୋନୟନ ପତ୍ର ଆହ୍ୱାନ କରାଯାଇଛି । ଏଥିପାଇଁ ସବିଶେଷ ତଥ୍ୟ କ୍ରୀଡା ଓ ଯୁବ ସେବା ବିଭାଗର ୱେବସାଇଟ୍ sports.odisha.gov.in ରେ ଉପଲବ୍ଧ ରହିଛି । ଆସନ୍ତା ମାସ ୧୬ତାରିଖ ପର୍ଯ୍ୟନ୍ତ  କ୍ରୀଡା ପୁରସ୍କାର ପାଇଁ ଆବେଦନ କରାଯାଇପାରିବ ।

# ବର୍ଷା

ଚଳିତବର୍ଷ ଜୁନ ମାସରେ ସ୍ୱାଭାବିକ ଠାରୁ ଅଧିକ ବର୍ଷା ହେବାର ସମ୍ଭାବନା ରହିଛି । ଏହି ଅବଧିରେ ହାରାହାରି ବର୍ଷା ତୁଳନାରେ ୮ ପ୍ରତିଶତ ଅଧିକ ବର୍ଷା ହେବା ନେଇ ଭାରତୀୟ ପାଣିପାଗ ବିଭାଗ ପକ୍ଷରୁ ଆକଳନ କରାଯାଇଛି । ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି, ମୌସୁମୀ ଓଡିଶା ଓ ଏହାର ଆଖାପାଖ ଅଞ୍ଚଳରେ ରହିଛି । ମୌସୁମୀ ବାୟୁ ଅଗ୍ରସର ହେବା ପାଇଁ ପାଗ ଅନୁକୂଳ ରହିଛି । ଅପରପକ୍ଷରେ ଉତ୍ତର ପଶ୍ଚିମ ବଙ୍ଗୋପସାଗରେ ସୃଷ୍ଟ ଲଘୁଚାପ ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ଆଜି ପ୍ରାୟ ସମସ୍ତ ଜିଲ୍ଲାରେ ବର୍ଷା ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଏ ନେଇ ସ୍ୱତନ୍ତ୍ର ରିଲିଫ କମିଶନରଙ୍କ କାର୍ଯ୍ୟାଳୟ ପକ୍ଷରୁ ଜିଲ୍ଲାପାଳମାନଙ୍କୁ ସତର୍କ ରହିବାକୁ ସୂଚନା ଦିଆଯାଇଛି ।